# REGIONAL NEWS UNIT, AIR CUTTACK

**Morning Bulletin (7.05 AM)**

**27 November – 2025**

## ବିଧାନସଭା ଅଧିବେଶନ

ସପ୍ତଦଶ ବିଧାନସଭାର ଶୀତକାଳୀନ ଅଧିବେଶନ ଆଜିଠାରୁ ଆରମ୍ଭ ହେଉଛି । ଅଧିବେଶନର ପ୍ରଥମ ଦିନରେ ଆଜି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଗୃହକୁ ସମ୍ବୋଧନ କରିବାର କାର୍ଯ୍ୟସୂଚୀ ରହିଛି ।

ସଂସଦୀୟ ବ୍ୟାପାର ମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗ କହିଛନ୍ତି, ଗୃହକାର୍ଯ୍ୟ ଆରମ୍ଭ ହେବା ମାତ୍ରେ ଦିବଂଗତ ସଦସ୍ୟଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଜଣାଇବା ପରେ ଗୃହ ମୁଲତବୀ ରହିବ । ଦ୍ୱିତୀୟାର୍ଦ୍ଧରେ ରାଷ୍ଟ୍ରପତି ତାଙ୍କ ଅଭିଭାଷଣ ରଖିବେ ।

**V/O**

ରାଷ୍ଟ୍ରପତିଙ୍କ ଗସ୍ତକୁ ଦୃଷ୍ଟିରେ ରଖି କମିଶନରେଟ୍ ପୋଲିସ୍ ପକ୍ଷରୁ ୧୫ ପ୍ଲାଟୁନ୍ ଫୋର୍ସ ମୁତୟନ କରାଯାଇଛି ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆସନ୍ତାକାଲି ଗୃହରେ ୨୦୨୫-୨୬ ଆର୍ଥିକବର୍ଷ ଲାଗି ଅତିରିକ୍ତ ବଜେଟ୍ ଉପସ୍ଥାପନ କରିବେ । ଏହି ଅଧିବେଶନ ଆସନ୍ତାମାସ ୩୧ ତାରିଖ ପର୍ଯ୍ୟନ୍ତ ଚାଲିବ ।

# ରାଜ୍ୟଗୋଷ୍ଠୀ କ୍ରୀଡ଼ା

ଗୁଜରାଟର ଅହମ୍ମଦାବାଦ ସହରରେ ରାଜ୍ୟଗୋଷ୍ଠୀ କ୍ରୀଡ଼ାର ଶତବାର୍ଷିକୀ ସଂସ୍କରଣ ୨୦୩୦ ମସିହାରେ ଅନୁଷ୍ଠିତ ହେବ । ଏ ନେଇ ଗ୍ଲାସ୍‌ଗୋ ସହରରେ ଗତକାଲି ଆୟୋଜିତ ବୈଠକରେ ନିଷ୍ପତ୍ତି ହୋଇଛି । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏଥିପାଇଁ ଦେଶବାସୀଙ୍କୁ ଶୁଭେଚ୍ଛା ଜଣାଇଛନ୍ତି । ସାମାଜିକ ଗଣମାଧ୍ୟମରେ ପ୍ରଧାନମନ୍ତ୍ରୀ ଉଲ୍ଲେଖ କରିଛନ୍ତି, ଖେଳ ପ୍ରତି ସମସ୍ତଙ୍କ ପ୍ରତିଶ୍ରଦ୍ଧା ଏବଂ ଖେଳୁଆଡ଼ ମନୋଭାବ ଭାରତକୁ ଆଜି ବିଶ୍ୱ କ୍ରୀଡ଼ା କ୍ଷେତ୍ରରେ ସ୍ୱତନ୍ତ୍ର ସ୍ଥାନ ଦେଇଛି । ବସୁଧୈବ କୁଟୁମ୍ବକମ୍‌ର ବାର୍ତ୍ତା ନେଇ ଦେଶ ଉତ୍ସାହର ସହ ଏହି ଐତିହାସିକ କ୍ରୀଡ଼ା ମହୋତ୍ସବର ଆୟୋଜନ ନିମନ୍ତେ ପ୍ରସ୍ତୁତ ଅଛି ବୋଲି ଶ୍ରୀ ମୋଦୀ ଉଲ୍ଲେଖ କରିଛନ୍ତି । ଭାରତରେ ଅନ୍ତିମ ଥର ପାଇଁ ଗତ ୨୦୧୦ ମସିହାରେ ଦିଲ୍ଲୀଠାରେ ରାଜ୍ୟଗୋଷ୍ଠୀ କ୍ରୀଡ଼ାର ଆୟୋଜନ କରାଯାଇଥିଲା ।

# ରାଜ୍ୟପାଳ

ଆଧୁନିକ ସ୍ୱାସ୍ଥ୍ୟସେବା ସୀମିତ ଥିବା ଅଞ୍ଚଳରେ ପାରମ୍ପରିକ ଚିକିତ୍ସା ପଦ୍ଧତି ଶହଶହ ବର୍ଷ ଧରି ବିକଶିତ ହୋଇ ଆସୁଛି । ଏହି ଜ୍ଞାନ ଅମୂଲ୍ୟ ଏବଂ ଲୋପ୍ ପାଇବା ପୂର୍ବରୁ ଏହାକୁ ସଂରକ୍ଷଣ କରାଯିବା ଆବଶ୍ୟକ ବୋଲି ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି କହିଛନ୍ତି । ଭୁବନେଶ୍ୱର ରାଜଭବନଠାରେ ଆଦିବାସୀ ଆରୋଗ୍ୟକାରୀଙ୍କ ସହ ଭାବ ବିନିମୟ କରି ରାଜ୍ୟପାଳ ପାରମ୍ପରିକ ଆଦିବାସୀ ଚିକିତ୍ସା ପ୍ରଣାଳୀର ସଂରକ୍ଷଣ,

ବୈଜ୍ଞାନିକ ଗବେଷଣାକୁ ପ୍ରୋତ୍ସାହିତ କରିବା ଏବଂ ଭବିଷ୍ୟତ ପିଢ଼ିକୁ ଜ୍ଞାନ ପ୍ରଦାନ କରିବା ଲାଗି ତଥ୍ୟ ସଂଗ୍ରହ କରିବା ଉପରେ ଗୁରୁତ୍ୱ ଆରୋପ କରିଛନ୍ତି ।

# ମୁଖ୍ୟମନ୍ତ୍ରୀ

ଆଧୁନିକ, ବୈଷୟିକ କଳାକୌଶଳ ବିକାଶ କ୍ଷେତ୍ରରେ ଭାରତୀୟ ବୈଜ୍ଞାନିକଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ଭୁବନେଶ୍ୱରର ଏକ ବିଦ୍ୟାଳୟରେ ଆୟୋଜିତ ବିଜ୍ଞାନ ପ୍ରଯୁକ୍ତି ମହୋତ୍ସବରେ ଯୋଗଦେଇ ଶ୍ରୀ ମାଝୀ କହିଛନ୍ତି, ଆଜିର ପିଢ଼ି ସମୃଦ୍ଧ ଓଡ଼ିଶା ଓ ବିକଶିତ ଭାରତର ନିର୍ମାତା । ଭାରତ ପାଖରେ ସମଗ୍ର ବିଶ୍ୱର ସର୍ବୋତ୍ତମ ବୁଦ୍ଧିମତ୍ତା ଓ ପ୍ରତିଭା ରହିଛି ବୋଲି ଶ୍ରୀ ମାଝୀ କହିଛନ୍ତି ।

# ଓଡ଼ିଶା ଭିଜନ

ବିକଶିତ ଓଡ଼ିଶାର ସ୍ୱପ୍ନକୁ ସାକାର କରିବା ଉଦ୍ଦେଶ୍ୟରେ ରାଜ୍ୟ ସରକାର ଓଡ଼ିଶା ଭିଜନ-୨୦୩୬ ଏବଂ ୨୦୪୭ ମାର୍ଗଦର୍ଶିକା ପ୍ରସ୍ତୁତ କରିଛନ୍ତି । ଏହା ସମଗ୍ର ଓଡ଼ିଶାବାସୀଙ୍କ ଆଶା ଓ ଆକାଂକ୍ଷାର ବଳିଷ୍ଠ ପ୍ରତିଫଳନ ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି । ଭୁବନେଶ୍ୱର ମିଶନ ଶକ୍ତି ଭବନରେ ଆୟୋଜିତ **ବିକଶିତ ଭାରତ ପାଇଁ ବିକଶିତ ଓଡ଼ିଶା** ଶୀର୍ଷକ କର୍ମଶାଳାରେ ଯୋଗଦେଇ ଶ୍ରୀମତୀ ପରିଡ଼ା କହିଛନ୍ତି, ଓଡ଼ିଶାକୁ ଆଗାମୀ ଦୁଇ ଦଶକ ମଧ୍ୟରେ ସମୃଦ୍ଧ ଓ ସ୍ୱାଭିମାନୀ ରାଜ୍ୟରେ ପରିଣତ

କରିବା ପାଇଁ ଏକ ସ୍ୱଷ୍ଟ ଖସଡ଼ା ପ୍ରସ୍ତୁତ କରାଯାଇଛି । ଏହି ଅବସରରେ ମିଶନଶକ୍ତି ବିଭାଗର ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ ।

---

## ବୈଠକ

ଜାତୀୟ ଆଇନ ବିଶ୍ୱବିଦ୍ୟାଳୟ ଓଡ଼ିଶା ଏବଂ ନେଦରଲ୍ୟାଣ୍ଡ୍ର ଦୂତାବାସଙ୍କ ମିଳିତ ଆନୁକୂଲ୍ୟରେ କଳାହାଣ୍ଡି ଜିଲ୍ଲା ଶିକ୍ଷା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ କଳାହାଣ୍ଡି, ବଲାଙ୍ଗୀର ଓ ନୂଆପଡ଼ା ଜିଲ୍ଲାକୁ ନେଇ ହିତାଧିକାରୀ ଅଂଶୀଦାରମାନଙ୍କ ସହିତ ବିଭିନ୍ନ ପ୍ରସଙ୍ଗରେ ଆଲୋଚନା ହୋଇଥିଲା ।

---

## ଦିଶା ବୈଠକ

କଳାହାଣ୍ଡି ଜିଲ୍ଲା ଦିଶା ବୈଠକ ଜିଲ୍ଲାପରିଷଦ ସମ୍ମିଳନୀ ଗୃହରେ ଅନୁଷ୍ଠିତ ହୋଇଯାଇଛି । ସାଂସଦ ମାଳବିକା ଦେବୀଙ୍କ ଅଧ୍ୟକ୍ଷତାରେ ଏହି ବୈଠକରେ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଭିନ୍ନ ଯୋଜନାର ସଫଳ ରୂପାୟନ ଉପରେ ଗୁରୁତ୍ୱ ଦିଆଯାଇଥିଲା ।

---

## ବୈଠକ

ଗଞ୍ଜାମ ଜିଲ୍ଲା ଛତ୍ରପୁର ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ଉପଖଣ୍ଡସ୍ତରୀୟ ସଡ଼କ ସୁରକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ୨୦୨୪-୨୫ ବର୍ଷରେ ଦୁର୍ଘଟଣାଗ୍ରସ୍ତ ଲୋକମାନଙ୍କୁ ସାହାଯ୍ୟ

ଯୋଗାଇଥିବା ୩୦ ଜଣ ପୋଲିସ୍ କର୍ମୀଙ୍କୁ ପୁରସ୍କୃତ କରାଯାଇଥିବା ବୈଠକରେ ସୂଚନା ଦିଆଯାଇଥିଲା ।

## ସ୍ୱତନ୍ତ୍ର ଶିବିର

ନୂଆପଡ଼ା ନ୍ୟାଶନାଲ୍ ଉଚ୍ଚମାଧ୍ୟମିକ ବିଦ୍ୟାଳୟ ଜାତୀୟ ସେବା ଯୋଜନା ପକ୍ଷରୁ ୭ ଦିନିଆ ସ୍ୱତନ୍ତ୍ର ଶିବିର ଉଦ୍‌ଯାପିତ ହୋଇଯାଇଛି । ଏଥିରେ ୫୦ଜଣ ସ୍ୱେଚ୍ଛାସେବୀ ଯୋଗ ଦେଇଥିଲେ । ଶିବିରରେ ସମାଜ ସଂସ୍କାର ଓ ଅନ୍ଧ ବିଶ୍ୱାସ ଦୂର କରିବା ନେଇ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

## ମାଲ୍ୟବନ୍ତ ମହୋତ୍ସବ

ମାଲକାନଗିରି ଜିଲ୍ଲାରେ ମାଲ୍ୟବନ୍ତ ମହୋତ୍ସବ ଉପଲକ୍ଷେ ଉପଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ଆସନ୍ତା ମାସ ୭ତାରିଖରେ ପଥଉତ୍ସବ ପାଳନ କରାଯିବ ବୋଲି ବୈଠକରେ ନିଷ୍ପତ୍ତି ହୋଇଛି ।

## ଶୀତ

ରାଜ୍ୟରେ ଶୀତର ପ୍ରଭାବ ବୃଦ୍ଧି ପାଇବାରେ ଲାଗିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆସନ୍ତା ୨ ଦିନ ମଧ୍ୟରେ ସର୍ବନିମ୍ନ ତାପମାତ୍ରା ୨ରୁ ୩ ଡିଗ୍ରୀ ସେଲ୍‌ସିୟସ୍ ପର୍ଯ୍ୟନ୍ତ ହ୍ରାସ ପାଇବାର ସମ୍ଭାବନା ରହିଛି । ଗତକାଲି କନ୍ଧମାଳର ଜି.ଉଦୟଗିରିଠାରେ

ସର୍ବନିମ୍ନ ତାପମାତ୍ରା ୮ ଦଶମିକ ୬ଡିଗ୍ରୀ ସେଲ୍‌ସିୟସ ରେକର୍ଡ ହୋଇଥିଲା ।

................................................................................